ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/HTH(Od)/304/ 06-03-2024**

## ଉତ୍କଳିକା ଦ୍ୱାରା ନିର୍ମିତ ଏକ ଅତିଥି ଗୃହର ଶୁଭ ଉଦ୍‌ଘାଟନ

## ଓଡ଼ିଶାର ବୁଣାକାର ଓ କାରିଗରମାନେ ଏହି ଅତିଥି ଗୃହର ସୁବିଧା ନେଇପାରିବେ

ଭୁବନେଶ୍ୱର, ତା.୦୬/୦୩/୨୦୨୪

ହସ୍ତତନ୍ତ, ବୟନ ଏବଂ ହସ୍ତଶିଳ୍ପ ମନ୍ତ୍ରୀ ଶ୍ରୀମତୀ ରୀତା ସାହୁ ଆଜି ହସ୍ତଶିଳ୍ପ ନିର୍ଦ୍ଦେଶାଳୟର ଆର୍ଥିକ ସହାୟତାରେ ଓଡ଼ିଶା ରାଜ୍ୟ ହସ୍ତଶିଳ୍ପ ନିଗମ ଲିଃ (ଉତ୍କଳିକା) ଦ୍ୱାରା ନିର୍ମିତ ଏକ ଅତିଥି ଗୃହର ଶୁଭ ଉଦ୍‌ଘାଟନ କରିଛନ୍ତି । ସମଗ୍ର ଓଡ଼ିଶାର ବୁଣାକାର ଓ କାରିଗରମାନେ ବିପଣନ ତଥା ଅନ୍ୟାନ୍ୟ କାର୍ଯ୍ୟ ପାଇଁ ଭୁବନେଶ୍ୱର ଆସିଥାନ୍ତି । ସ୍ୱଳ୍ପକାଳ ରହଣି ନିମନ୍ତେ କମ୍ ଦରରେ ରାତ୍ରିଯାପନ ପାଇଁ ଏକ ନିର୍ଭରଯୋଗ୍ୟ ଅତିଥି ଗୃହର ଆବଶ୍ୟକତାକୁ ଅନୁଭବ କରି ଏହି ଅତିଥି ଗୃହର ନିର୍ମାଣ କରାଯାଇଛି । ଓଡ଼ିଶାର ସମସ୍ତ ବୁଣାକାର ଓ କାରିଗରମାନେ ଭୁବନେଶ୍ୱର ଗସ୍ତ ସମୟରେ ଏହି ଅତିଥି ଗୃହର ସୁବିଧା ନେଇପାରିବେ ବୋଲି ମନ୍ତ୍ରୀ ଶ୍ରୀମତୀ ସାହୁ ଆଶାପ୍ରକାଶ କରିଥିଲେ ।

ମଞ୍ଚେଶ୍ୱରସ୍ଥିତ ଏହି ଅତିଥି ଭବନରେ ନିର୍ଦ୍ଧାରିତ ମୂଲ୍ୟରେ ଜଣେ ବୁଣାକାର ବା କାରିଗର ରାତ୍ରିଯାପନ କରିପାରିବେ ଓ ସର୍ବାଧିକ ୭ ଦିନ ରହି ପାରିବାର ବ୍ୟବସ୍ଥା କରାଯାଇଛି । ଏଠାରେ ଶୀତତାପ ନିୟନ୍ତ୍ରିତ କୋଠରି, ଶଯ୍ୟା ଓ ପରିଷ୍କାର ଶୌଚାଳୟ ସହିତ ପାନୀୟ ଜଳ ଉପଲବ୍ଧ କରାଯାଇଛି । ପୁରୁଷ ଓ ମହିଳା କାରିଗରମାନଙ୍କ ନିମନ୍ତେ ପୃଥକ ଗୃହର ବ୍ୟବସ୍ଥା କରାଯାଇଛି । ସୁରକ୍ଷାକୁ ଦୃଷ୍ଟିରେ ରଖି ସିସିଟିଭି ସମେତ ସମସ୍ତେ ଆନୁଷଙ୍ଗିକ ବ୍ୟବସ୍ଥା କରାଯାଇଛି । ଉତ୍କଳିକା ଏହି ଅତିଥି ଗୃହର ପରିଚାଳନା ଦାୟିତ୍ୱ ନେଇଛି ।

ଏହି ଅତିଥି ଭବନ ଉଦ୍‌ଘାଟନ ସମୟରେ ଓଡ଼ିଶା ହସ୍ତତନ୍ତ ଓ ହସ୍ତଶିଳ୍ପ ଉନ୍ନୟନ ଓ ବିକାଶ ପରିଷଦର ସଭାପତି ଶ୍ରୀ ସୁଦର୍ଶନ ସାହୁ, ହସ୍ତଶିଳ୍ପ ନିର୍ଦ୍ଦେଶିକା ଶ୍ରୀମତୀ ପ୍ରଣତୀ ଛୋଟରାୟ, ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗ ଅତିରିକ୍ତ ଶାସନ ସଚିବ ଶ୍ରୀ ବିକ୍ରମାଦିତ୍ୟ ବାରିକ, ଉତ୍କଳିକାର ପରିଚାଳନା ନିର୍ଦ୍ଦେଶିକା ଶ୍ରୀମତୀ କଲ୍ୟାଣୀ ପଟ୍ଟନାୟକ ଏହି ଉଦ୍‌ଘାଟନ ଉତ୍ସବରେ ଉପସ୍ଥିତ ଥିଲେ ।

ପ୍ରମୋଦିନୀ ଟେଟେ
ସୂଚନା ଅଧିକାରୀ